ସ୍ୱାଧିକାର
Swadhikar
Swadhikar

# ଗାୟତ୍ରୀବାଳା ପଣ୍ଡାଙ୍କୁ ସମ୍ବର୍ଦ୍ଧିତ କଲେ ମୁଖ୍ୟମନ୍ତ୍ରୀ



## କେନ୍ଦ୍ର ସାହିତ୍ୟ ଏକାଡେମୀ ସମ୍ମାନ ତାଙ୍କ କ୍ୟାରିୟରରେ ଏକ ମାଇଲଖୁଣ୍ଟ : ମୁଖ୍ୟମନ୍ତ୍ରୀ

**ଭୁବନେଶ୍ୱର,୨୪।୧୨(ବ୍ୟୁରୋନ୍ୟୁଜ):** ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ସମ୍ମାନଜନକ କେନ୍ଦ୍ର ସାହିତ୍ୟ ଏକାଡେମୀ ପୁରସ୍କାର ୨୦୨୨ ପାଇଁ ମନୋନୀତ ହୋଇଥିବାରୁ ସାହିତ୍ୟିକା ଡ. ଗାୟତ୍ରୀବାଳା ପଣ୍ଡାଙ୍କୁ ଅଭିନନ୍ଦନ ଜଣାଇବା ସହ ସମ୍ମାନିତ କରିଛନ୍ତି।

ରାଜ୍ୟ ପାଇଁ ଖ୍ୟାତି ଆଣିଥିବାରୁ ତାଙ୍କୁ ପ୍ରଶଂସା କରିଥିଲେ। ଏହି ପୁରସ୍କାର ତାଙ୍କ କ୍ୟାରିୟରର ଏକ ବଡ଼ ମାଇଲଖୁଂଟ ହେବ ବୋଲି କହିଥିଲେ। ମୁଖ୍ୟମନ୍ତ୍ରୀଙ୍କୁ ସାକ୍ଷାତ କରିବା ଅବସରରେ ଶ୍ରୀମତୀ ପଣ୍ଡା ନିଜର କବିତା ସଂକଳନ ପ୍ରଦାନ କରିଥିଲେ। ଏହି ଅବସରରେ ଡ. ପଣ୍ଡାଙ୍କ ସ୍ୱାମୀ ତଥା ରାଜ୍ୟସଭା ସାଂସଦ ମାନସ ମଙ୍ଗରାଜ ଏବଂ ପୁଅ ମନୀତ୍ ମଙ୍ଗରାଜ ଉପସ୍ଥିତ ଥିଲେ।

ଗୁରୁବାର ଦିନ ନୂଆଦିଲ୍ଲୀରେ ଅନୁଷ୍ଠିତ ସାହିତ୍ୟ ଏକାଡେମୀର କାର୍ଯ୍ୟକାରିଣୀ ବୈଠକରେ ୨୦୨୨ ବର୍ଷର ଏକାଡେମୀ ପୁରସ୍କାର ଘୋଷଣା କରାଯାଇଥିଲା। ସୁପରିଚିତ କବୟିତ୍ରୀ ଡ. ଗାୟତ୍ରୀବାଳା ପଣ୍ଡା ଓଡ଼ିଆରେ କବିତା ■ପୃଷ୍ଠା-୭

## ଗାୟତ୍ରୀବାଳା...

ସଙ୍କଳନ 'ଦୟାନଦୀ' ପାଇଁ ସାହିତ୍ୟ ଏକାଡେମୀ ପୁରସ୍କାର ପାଇବାକୁ ମନୋନୀତ ହୋଇଥିଲେ।

କେନ୍ଦ୍ର ସାହିତ୍ୟ ଏକାଡେମୀ ପୁରସ୍କୃତ କବିତା ସଂକଳନ ଦୟାନଦୀ ୨୦୧୭ରେ ପକ୍ଷୀଘର ପ୍ରକାଶନ ସଂସ୍ଥା ଦ୍ୱାରା ପ୍ରକାଶ ପାଇଥିଲା। କବିତା ସଂକଳନ 'ଦୟାନଦୀ' କଳିଙ୍ଗ ଯୁଦ୍ଧ ଉପରେ ଆଧାରିତ। ଏଥିରେ ଉତ୍ସର୍ଗ ଓ ପରିଶିଷ୍ଟକୁ ମିଶାଇ ୬୪ଟି କବିତା ରହିଛି। ଯୁଦ୍ଧର ସମସ୍ତ ବିଭୀଷିକା, ସମସ୍ତ ବର୍ଣ୍ଣ ଓ ସମସ୍ତ ଅଳଂକାର ଭିତରେ କେବଳ ଗୋଟିଏ ଅନୁଭୂତିର ସ୍ୱର ହିଁ ଝଙ୍କୃତ ହୁଏ, ତାହା ହେଉଛି ପରାଜୟର। ଏହି କବିତାସବୁ ଇତିହାସର କୌଣସି ମହିମ ଆଲୋଚନା ବା କାବ୍ୟରୂପ ନୁହେଁ, ବରଂ ଏହା ଇତିହାସର ନଈରେ ନୌଯାତ୍ରା କରୁଥିବା ଏକ କାବ୍ୟିକ ସମ୍ବେଦନା। କଳିଙ୍ଗ ଯୁଦ୍ଧର ଏକମାତ୍ର ସାକ୍ଷୀ ଭାବରେ ଆଜି ବି ଅଛି ଦୟାନଦୀ। ଆଜି ବି ପ୍ରତି ଓଡ଼ିଆର ରକ୍ତରେ ରକ୍ତହୋଇ ବହୁଛି। ମଣିଷକୁ ମଣିଷପଣିଆ ଅନେକ ବାଟ ଦେଖାଉଛି। ଶାନ୍ତି, ପ୍ରୀତି, ମୈତ୍ରୀର ଜୟଗାନ କରୁଛି। ଦୀର୍ଘ ତିନି ଦଶନ୍ଧିରୁ ଊର୍ଦ୍ଧ୍ୱ ସମୟ ଧରି କବିତା, ଗପ, ଉପନ୍ୟାସ, ପ୍ରବନ୍ଧ ଓ ଖବରକାଗଜରେ ସ୍ତମ୍ଭ ରଚନା କରି ଯଥେଷ୍ଟ ପାଠକୀୟ ସ୍ୱୀକୃତି ହାସଲ କରିଥିବା କବି ଗାୟତ୍ରୀବାଳା ପଣ୍ଡାଙ୍କର ଅଦ୍ୟାବଧି ୨୫ଖଣ୍ଡ ପୁସ୍ତକ ପ୍ରକାଶ ପାଇଛି। ସେଥିମଧ୍ୟରୁ ଓଡ଼ିଆ ଭାଷାରେ ବାରଟି କବିତା ସଂକଳନ, ଦୁଇଟି ଗଳ୍ପ ସଂକଳନ, ଦୁଇଟି ଉପନ୍ୟାସ ଏବଂ ଗୋଟିଏ ପ୍ରବନ୍ଧ ସଂକଳନ ପ୍ରକାଶ ପାଇଛି।